## ଆଜି ଅନୁଗୋଳ ଜିଲ୍ଲାରୁ ୨୧୭ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୫୮୦୮ ରେ ପହଞ୍ଚିଲା - ସୁସ୍ଥ ହେଲେ ୧୪୩ ଜଣ ।

ଆଜି ଅନୁଗୋଳ ଜିଲ୍ଲାରୁ ଗୋଟିଏ ଦିନରେ ୨୧୭ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ଵାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ଆଜି ୧ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୯୧ ରେ ପହଂଚିଲା । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ କଣିହାଁ ବ୍ଲକ୍ ଅଂଚଳରୁ ସର୍ବାଧିକ ୪୨ ଜଣ (୩୩ ଜଣ ପୁରୁଷ ଓ ୯ଜଣ ମହିଳା), ତାଳଚେର ପୌରାଂଚଳରୁ ୩୩ ଜଣ ( ୨୬ଜଣ ପୁରୁଷ ଓ ୭ ଜଣ ମହିଳା), ବଣାଁରପାଳ ବ୍ଲକ୍ ଅଂଚଳରୁ ୩୦ ଜଣ( ୨୨ଜଣ ପୁରୁଷ ଓ ୮ ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୨୬ ଜଣ(୧୯ ଜଣ ପୁରୁଷ ଓ ୭ଜଣ ମହିଳା), ଅନୁଗୋଳ ପୌରାଂଚଳରୁ ୨୬ ଜଣ (୧୭ ଜଣ ପୁରୁଷ ଓ ୯ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୭ ଜଣ ( ୯ଜଣ ପୁରୁଷ ଓ ୮ ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୧୬ ଜଣ ( ୭ଜଣ ପୁରୁଷ ଓ ୯ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ୧୫ ଜଣ ( ୧୨ଜଣ ପୁରୁଷ ଓ ୩ଜଣ ମହିଳା),ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୭ ଜଣ ( ୬ଜଣ ପୁରୁଷ ଓ ୧ଜଣ ମହିଳା) ଓ କିଶୋରନଗର ବ୍ଲକ୍ ଅଂଚଳରୁ୫ ଜଣ ( ୩ଜଣ ପୁରୁଷ ଓ ୨ଜଣ ମହିଳା) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ଵଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୪୩ ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୧୩ଜଣ କୋଭିଡ ହସପିଟାଲରୁ , ୨ଜଣ କୋଭିଡ କେୟାର ସେଣ୍ଟରରୁ ଓ ୧୨୮ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୬୭୭ ତା.୦୯.୧୦.୨୦୨୦

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

[signature] ୯।୧୦।୨୦

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ